# ଆଜି ଅନୁଗୋଳ ଜିଲ୍ଲାରୁ ୧୮ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୦୮୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୫୫ ଜଣ ।

ଅନୁଗୋଳ, ତା,୦୫.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୧୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୯୪ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଅନୁଗୋଳ ପୌରାଞ୍ଚଳରୁ ସର୍ବାଧିକ ୫ଜଣ (୨ ଜଣ ପୁରୁଷ ଓ ୩ ଜଣ ମହିଳା),ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ ( ୩ଜଣ ପୁରୁଷ ଓ ୨ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୩ଜଣ ( ୨ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨ ଜଣ (୧ ଜଣ ପୁରୁଷ ଓ୧ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ (୧ ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।ଆଜି କଣିହାଁ ବ୍ଲକ୍ , ତାଳଚେର ପୌରାଞ୍ଚଳ,କିଶୋରନଗର ବ୍ଲକ,ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୫୫ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୭ଜଣ କୋଭିଡ ହସପିଟାଲରୁ ଓ ୪୮ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୯୭ ତା.୦୫.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

(ସ୍ୱାକ୍ଷରିତ) ୫/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ